ପ୍ରେସ୍ ନୋଟ୍ (ସଂଶୋଧନ)

## ବଅଁରପାଳ ଠାରେ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ, ତା,୩୦.୧୧:- ଆଜି ପୂର୍ବାହ୍ନରେ ବଅଁରପାଳ ବ୍ଲକ ଅଫିସଠାରେ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୩୨ଟି ଅଭିଯୋଗରୁ ୨୮ଟି ବ୍ୟକ୍ତିଗତ ଓ ୦୪ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୩୨ଟି ଅଭିଯୋଗ ମଧ୍ୟରୁ ୨ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ରାସ୍ତା, ଜମି ଜମା ବିବାଦ, ଭୂମିହୀନ, ରାସନ କାର୍ଡ, ପାରିବାରିକ ସମସ୍ୟା, ବିଜୁଳି ସମସ୍ୟା, ବାସଗୃହ ସମ୍ପର୍କିତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ର, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ହେମନ୍ତ କୁମାର ସିଂହ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି, ବଅଁରପାଳ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା - ୬୪୯ ତା.୩୦.୧୦.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ସ୍ୱା/- ଶ୍ରବଣ କୁମାର

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,

ଅନୁଗୋଳ ।


ଜିଲ୍ଲାପାଳ ଅନୁଗୋଳଙ୍କ ଅଭିଯୋଗ ଶୁଣାଣି ଶିବିର
ତାରିଖ - ୩୦.୧୦.୨୦୨୩
ସ୍ଥାନ : ସଭାଘର, ବଅଁରପାଳ ବ୍ଲକ୍
Rajesh nayak sambad
Oct 30, 2023, 12:24


ଜିଲ୍ଲାପାଳ ଅନୁଗୋଳଙ୍କ ଅଭିଯୋଗ ଶୁଣାଣି ଶିବିର
ତାରିଖ - ୩୦.୧୦.୨୦୨୩
ସ୍ଥାନ : ସଭାଘର, ବଅଁରପାଳ ବ୍ଲକ୍
Rajesh nayak sambad
Oct 30, 2023, 12:26